ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/STSC(OD)/76/24-06-2026

# ଦିନିକିଆ ଓଡ଼ିଶା ଗସ୍ତରେ କେନ୍ଦ୍ର ରାଷ୍ଟ୍ରମନ୍ତ୍ରୀ
## ସାମାଜିକ ନ୍ୟାୟ ଓ ସଶକ୍ତିକରଣ କ୍ଷେତ୍ରର ବିଭିନ୍ନ ଯୋଜନାର ସମୀକ୍ଷା

ଭୁବନେଶ୍ୱର, ୨୪ ଜୁନ ୨୦୨୬:

ଆଜି ଦିନିକିଆ ଓଡ଼ିଶା ଗସ୍ତରେ ଆସିଛନ୍ତି କେନ୍ଦ୍ର ସାମାଜିକ ନ୍ୟାୟ ଏବଂ ସଶକ୍ତିକରଣ ବିଭାଗ ରାଷ୍ଟ୍ରମନ୍ତ୍ରୀ ଶ୍ରୀ ରାମଦାସ ଆଠୱାଲେ । ଏହି ଗସ୍ତ ସମୟରେ ଓଡ଼ିଶା ସରକାରଙ୍କ ବିଭିନ୍ନ ବିଭାଗର ଅଧିକାରୀଙ୍କ ସହ ସମୀକ୍ଷା ବୈଠକ କରିଛନ୍ତି । ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ, ଅନୁସୂଚିତ ଜନଜାତି, ଅନୁସୂଚିତ ଜାତି ଉନ୍ନୟନ, ସଂଖ୍ୟାଲଘୁ ସମ୍ପ୍ରଦାୟ ଓ ପଛୁଆ ବର୍ଗ କଲ୍ୟାଣ ବିଭାଗ, ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗ, ବିଏମସିର ବରିଷ୍ଠ ଅଧିକାରୀଙ୍କ ସହ ବିଭିନ୍ନ ଜନକଲ୍ୟାଣକାରୀ ଯୋଜନାର କାର୍ଯ୍ୟାନ୍ୱୟନ ସମ୍ପର୍କରେ ଆଲୋଚନା କରିଛନ୍ତି ।

ସମୀକ୍ଷା ବୈଠକରେ ଅନୁସୂଚିତ ଜାତି, ଓବିସିଙ୍କ ପାଇଁ କାର୍ଯ୍ୟକାରୀ ହେଉଥିବା ଯୋଜନା ସମ୍ପର୍କରେ ଆଲୋଚନା କରି ଛାତ୍ରବୃତ୍ତି, ଉଚ୍ଚ ଶିକ୍ଷା ଓ ଚାକିରୀରେ ସଂରକ୍ଷଣ ସମ୍ପର୍କରେ ପଚାରିବୁଝିଥିଲେ ରାଷ୍ଟ୍ରମନ୍ତ୍ରୀ । ନିକଟରେ ଅନୁସୂଚିତ ଜନଜାତି ଙ୍କ ସଂରକ୍ଷଣ ହାର ୨୨.୫ % କୁ, ଅନୁସୂଚିତ ଜାତିଙ୍କ ସଂରକ୍ଷଣ ହାର ୧୬.୨୫% କୁ ବୃଦ୍ଧି କରିବା ସହ ସାମାଜିକ ଓ ଶିକ୍ଷାଗତ ଭାବେ ପଛୁଆବର୍ଗର ଛାତ୍ରଛାତ୍ରୀଙ୍କ ପାଇଁ ୧୧.୨୫% ସଂରକ୍ଷଣ ବ୍ୟବସ୍ଥା ଏହି ଶିକ୍ଷା ବର୍ଷଠାରୁ ଲାଗୁ କରାଯାଇଛି । ରାଜ୍ୟ ସରକାରଙ୍କ ଏହି ପ୍ରୟାସ ବିଷୟରେ ଜାଣି ସେ ଖୁସି ବ୍ୟକ୍ତ କରିଛନ୍ତି ।

ସେହିପରି ଜନଆକ୍ରୋସର ଶିକାର ହେଉଥିବା ପୀଡିତଙ୍କୁ ଆର୍ଥିକ ସହାୟତା ଯୋଗାଇ ଦିଆଯାଉଥିବା ନେଇ ସେ ଖୁସି ବ୍ୟକ୍ତ କରିଥିଲେ । ବର୍ତ୍ତମାନ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ବର୍ଗ ନିଜର ଅଧିକାର ସମ୍ପର୍କରେ ଅଧିକ ସଚେତନ ହେଉଥିବା ନେଇ ସୂଚନା ଦେଇଥିଲେ । ରାଜ୍ୟରେ ଆନ୍ତଃଜାତି ବିବାହିତ ଦମ୍ପତିଙ୍କୁ କେନ୍ଦ୍ର ସରକାରଙ୍କ ସହାୟତାକ୍ରମେ ୨.୫ ଲକ୍ଷ ଟଙ୍କାର ପ୍ରୋତ୍ସାହନ ପ୍ରଦାନ କରାଯାଉଅଛି । ୨୦୨୪-୨୫ ଓ ୨୦୨୫-୨୬ ଆର୍ଥିକ ବର୍ଷରେ ମୋଟ ୪,୯୫୮ ଦମ୍ପତିଙ୍କୁ ପ୍ରୋତ୍ସାହନ ରାଶି ପ୍ରଦାନ କରାଯାଇଥିବା ସୂଚନା ଦିଆଯାଇଥିଲା ।

ଏଥିସହ ଭିନ୍ନକ୍ଷମଙ୍କୁ ଯୋଗାଇ ଦିଆଯାଉଥିବା ସୁବିଧା ସୁଯୋଗ ସମ୍ପର୍କରେ ଆଲୋଚନା କରିଥିଲେ । କେନ୍ଦ୍ର ସରକାରଙ୍କ ପେନସନ୍ ଯୋଜନା ମାଧ୍ୟମରେ ରାଜ୍ୟର ପ୍ରାୟ ୯୦, ୨୮୩ ଭିନ୍ନକ୍ଷମଙ୍କୁ ପେନସନ୍ ଦିଆଯାଉଥିବା ସୂଚନା ଦିଆଯାଇଥିଲା । ଏଥିସହ ଭିନ୍ନକ୍ଷମ ଛାତ୍ରଛାତ୍ରୀଙ୍କ ପାଇଁ କାର୍ଯ୍ୟ କରୁଥିବା ସ୍ୱତନ୍ତ୍ର ବିଦ୍ୟାଳୟ ଓ ସଂରକ୍ଷଣ ସମ୍ପର୍କରେ ବିସ୍ତୃତ ଆଲୋଚନା କରିଥିଲେ । ଏଥିସହ ଭିନ୍ନକ୍ଷମ ଶିଶୁମାନଙ୍କର ସ୍ୱାସ୍ଥ୍ୟ ପରୀକ୍ଷା, ସେମାନଙ୍କୁ ପ୍ରାରମ୍ଭିକ ସହାୟତା ଯୋଗାଇଦେବା ବିଷୟରେ ଗୁରୁତ୍ୱ ଦେଇଥିଲେ ରାଷ୍ଟ୍ରମନ୍ତ୍ରୀ ।

ବୈଠକରେ ଅନୁସୂଚିତ ଜାତି ଉନ୍ନୟନ, ସଂଖ୍ୟାଲଘୁ ସମ୍ପ୍ରଦାୟ ଓ ପଛୁଆ ବର୍ଗ କଲ୍ୟାଣ ବିଭାଗର ଆୟୁକ୍ତ ତଥା ଶାସନ ସଚିବ ଶ୍ରୀ ବି. ପରମେଶ୍ୱରନ୍, ଅନୁସୂଚିତ ଜାତି ନିର୍ଦ୍ଦେଶକ ଶ୍ରୀ ଲକ୍ଷ୍ମଣ କୁମାର ମଲ୍ଲିକ, ଓବିସି ନିର୍ଦ୍ଦେଶକ ଶ୍ରୀମତୀ ଯୁଗଳେଶ୍ୱରୀ ଦାଶ, ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗର ଅତିରିକ୍ତ ଶାସନ ସଚିବ ଶ୍ରୀ ଦୀପକ ରାଉତରାୟ, ବିଏମସିର ଅତିରିକ୍ତ ଆୟୁକ୍ତ ଶ୍ରୀମତୀ ସସ୍ମିତା ସାହୁ, ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗର ଅତିରିକ୍ତ ଶାସନ ସଚିବ ଶ୍ରୀମତୀ ଗୀତାଞ୍ଜଳି ନାଏକ, ଶ୍ରୀମତୀ ମଧୁସ୍ମିତା ସାମଲ ଓ ଅନ୍ୟାନ୍ୟ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ ।

ରୋଜାଲିନ୍ ସାହୁ
ଲୋକସମ୍ପର୍କ ଅଧିକାରୀ
ଅନୁସୂଚିତ ଜନଜାତି, ଅନୁସୂଚିତ ଜାତି ଉନ୍ନୟନ,
ସଂଖ୍ୟାଲଘୁ ସମ୍ପ୍ରଦାୟ ଓ ପଛୁଆ ବର୍ଗ କଲ୍ୟାଣ ବିଭାଗ